


ପ୍ରେସ୍ ନୋଟ୍

## ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

ଅନୁଗୋଳ,ତା.୨୯.୮:- ଆଜି ପୂର୍ବାହ୍ନରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ୦ାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ଏହି ଶିବିରରେ ଆରକ୍ଷୀ ଅଧିକ୍ଷକ ଶ୍ରୀ ଜଗମୋହନ ମୀନା ଯୋଗ ଦେଇଥିଲେ । ଦାଖଲ ହୋଇଥିବା ସମୁଦାୟ ୫୬ଟି ଅଭିଯୋଗରୁ ୫୩ଟି ବ୍ୟକ୍ତିଗତ ଓ ୩ଟି ଗ୍ରାମ୍ୟ ଭିତ୍ତିକ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଂକୁ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ବିସ୍ଥାପିତ ପରିବାରଙ୍କୁ ନିଯୁକ୍ତି,ଶିକ୍ଷା, ଜମି ପଟ୍ଟା, ଭତ୍ତା,ଚିକିତ୍ସା ଓ ରାସ୍ତା ଓ ଶ୍ରମିକ କାର୍ଡ ପ୍ରଦାନ ଭଳି ବିଭିନ୍ନ କାର୍ଯ୍ୟକ୍ରମ ସମ୍ପର୍କରେ ଅଭିଯୋଗ କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ଲଳିତ ମୋହନ ବେହେରା, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ୱାଇଁ , ଜିଲ୍ଲା ଶିକ୍ଷା ଅଧିକାରୀ ଶ୍ରୀ ନିରଂଜନ ସାହୁ, ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ଦିଲ୍ଲିପ କୁମାର ପଟ୍ଟନାୟକଙ୍କ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପନ ସଂଖ୍ୟା- ୪୮୫ ତା.୨୯.୮.୨୦୨୨

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ ।